# ଆଜି ଅନୁଗୋଲ ଜିଲ୍ଲାରୁ ୧୧୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୭୬୮୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୨୬ଜଣ ।

ଆଜି ଅନୁଗୋଲ ଜିଲ୍ଲାରୁ ଗୋଟିଏ ଦିନରେ ୧୧୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଲରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୨୨ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୨ ଜଣ (୧୧ ଜଣ ପୁରୁଷ ଓ ୧୧ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୨୦ ଜଣ (୧୫ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୯ ଜଣ ( ୧୪ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୪ଜଣ ( ୧୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଲ ପୌରାଞ୍ଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଲ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଲ ଜିଲ୍ଲାରୁ ୨୨୬ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ, ୨ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୨୧୧ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଆଜି ଅପରାହ୍ନରେ ଜିଲ୍ଲାପାଳ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ କୋଭିଡ-୧୯ର ବିଭିନ୍ନ କାର୍ଯ୍ୟକ୍ରମର ସୁପରିଚାଳନାକୁ ନେଇ ସମୀକ୍ଷା କରିଥିଲେ । ଆସନ୍ତାକାଲି ଠାରୁ ପାର୍ବଣକୁ ଦୃଷ୍ଟିରେ ରଖି କୌଣସି ମଣ୍ଡପରେ ଜନସମାଗମ ଯେପରି ନହୁଏ ସେଥି ନିମନ୍ତେ ଡାକବାଜୀ ଯନ୍ତ୍ର ଯୋଗେ ପ୍ରଚାର କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହାଛଡା RT PCR ପରିକ୍ଷାଗାରର କାର୍ଯ୍ୟକ୍ଷମ,ପ୍ଲାଜମା ଥେରାପି ପାଇଁ ପ୍ରସ୍ତାବ ପଠାଇବା ଓ କୋଭିଡ ଡେଥ୍ ଅଡିଟ୍ କମିଟିର କାର୍ଯ୍ୟାବଳୀ ସମ୍ପର୍କରେ ଜିଲ୍ଲାପାଳ ସମୀକ୍ଷା କରିଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ପ୍ରମୁଖ ଯୋଗ ଦେଇଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ,ଅନୁଗୋଲ ।**

ଜ୍ଞାପକ ସଂଖ୍ୟା. ୬୯୨ ତା.୨୦.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଲ